## ପର୍ଯ୍ୟଟନ ଓ ସଂସ୍କୃତି (ସଂସ୍କୃତି) ବିଭାଗ,
## ଓଡ଼ିଶା, ଭୁବନେଶ୍ୱର

*****

## ସାଂସ୍କୃତିକ ଅନୁଷ୍ଠାନ ମାନଙ୍କୁ ଆର୍ଥିକ ଅନୁଦାନ ନିମନ୍ତେ ଦରଖାସ୍ତ

ଛଉ ନୃତ୍ୟ, ନୃତ୍ୟ ଓ ସଂଗୀତ ବିଦ୍ୟାଳୟ, ସାଂସ୍କୃତିକ କାର୍ଯ୍ୟକ୍ରମ, ରଙ୍ଗମଞ୍ଚ ଓ ନାଟକର ଉନ୍ନତି ନିମନ୍ତେ ଅନୁଦାନ ପାଇବା ପାଇଁ ପୂର୍ବ ବର୍ଷ ମାନଙ୍କ ଭଳି ଚଳିତ ଆର୍ଥିକ ବର୍ଷ **୨୦୧୭-୧୮** ରେ ଆଗ୍ରହୀ ସାଂସ୍କୃତିକ ଅନୁଷ୍ଠାନ ମାନଙ୍କଠାରୁ ଦରଖାସ୍ତ ଆହ୍ୱାନ କରାଯାଉଅଛି । ଏଥି ନିମନ୍ତେ ଦରଖାସ୍ତ କରୁଥିବା ଅନୁଷ୍ଠାନ ଗୁଡ଼ିକ ୧୮୬୦ ମସିହାର ସୋସାଇଟି ରେଜିଷ୍ଟ୍ରେସନ ନିୟମ ଅନୁଯାୟୀ ଅନ୍ତତଃ ତିନିବର୍ଷ ପୂର୍ବରୁ ପଞ୍ଜିକୃତ ହୋଇଥିବା ଆବଶ୍ୟକ । ଯେଉଁ ବିଭାଗରେ ଆର୍ଥିକ ସହାୟତା ଚାହୁଁଛନ୍ତି, ସେହି ବିଭାଗରେ ଅନୁଷ୍ଠାନ ଅନ୍ତତଃ ତିନିବର୍ଷ କାର୍ଯ୍ୟକରୁଥିବା କାର୍ଯ୍ୟ ବିବରଣୀ ଦେବେ । ଏହି କାର୍ଯ୍ୟ କରିବା ନିମନ୍ତେ ସଂପୃକ୍ତ ଅନୁଷ୍ଠାନର ସମ୍ବିଧାନରେ ନିର୍ଦ୍ଦିଷ୍ଟ ଭାବେ ଉଲ୍ଲେଖ ଥିବା ଆବଶ୍ୟକ । ଯେଉଁ କାର୍ଯ୍ୟ ପାଇଁ ଅନୁଦାନ ମଗାଯିବ ଫର୍ମ ଉପରେ ବଡ଼ ଅକ୍ଷରରେ ତା'ର ନାମ ଲେଖାଯିବା ଆବଶ୍ୟକ ଯେପରିକି- **"ସାଂସ୍କୃତିକ ଅନୁଷ୍ଠାନ ମାନଙ୍କୁ ସାଂସ୍କୃତିକ କାର୍ଯ୍ୟକ୍ରମ ପାଇଁ ଆର୍ଥିକ ସାହାଯ୍ୟ ନିମନ୍ତେ** ଦରଖାସ୍ତ" । ଦରଖାସ୍ତ ଗୁଡ଼ିକ ସଂପୃକ୍ତ ବିବରଣୀ ସହ ନିମ୍ନ ଠିକଣାରେ **ତା.୩୦-୦୬-୨୦୧୭ ରିଖ ସୁଦ୍ଧା** ପହଞ୍ଚିବା ଆବଶ୍ୟକ । ବିଭାଗୀୟ ନିଷ୍ପତ୍ତି ଅନୁଯାୟୀ ଅନୁଦାନ ପାଇବା ପାଇଁ ଇଚ୍ଛୁକ ରେଜେଷ୍ଟ୍ରୀଭୁକ୍ତ ସାଂସ୍କୃତିକ ଅନୁଷ୍ଠାନମାନେ ଆବେଦନପତ୍ର ସହିତ ଟ.୧୦/- ଙ୍କାର ଅଣନ୍ୟାୟିକ କାଗଜରେ ଚୁକ୍ତିନାମା (Agreement in Non-Judicial Stamp Paper worth Rs.10/- only), ସାଧା କାଗଜରେ ଅଙ୍ଗୀକାରପତ୍ର (Undertaking in Plain Paper), ନିର୍ଦ୍ଦିଷ୍ଟ ଫର୍ମରେ ପୂର୍ବବର୍ଷ ଅନୁଦାନର ବିନିଯୋଗପତ୍ର (Utilization Certificate) ଦୁଇ କିତା ସହ ଅନୁଷ୍ଠାନର ବ୍ୟାଙ୍କ୍ ଖାତା ନଂ., IFS Code ଓ ବ୍ୟାଙ୍କର ନାମ ସହିତ ସମ୍ପୂର୍ଣ୍ଣ ବିବରଣୀ ପ୍ରଦାନ କରିବା ଜରୁରୀ ଅଟେ । ଅସମ୍ପୂର୍ଣ୍ଣ ଫର୍ମ କିମ୍ବା ମଗାଯାଇଥିବା ଉପରୋକ୍ତ ଡକ୍ୟୁମେଣ୍ଟ ନ ଦେଇଥିଲେ ଆବେଦନ ବିଚାରକୁ ନିଆଯିବ ନାହିଁ ।

ରାଜ୍ୟ ସରକାରଙ୍କ ପ୍ରଣୀତ କରିଥିବା ଆଇନ୍ (Grant-in-Aid Rules-1973) (Amendment in 1986) ଅନୁଯାୟୀ ଅନୁଦାନ ପରିମାଣ, ମଞ୍ଜୁରୀ ଦେବା ନ ଦେବା, ଦରଖାସ୍ତ ଖାରଜ କରିବା ଆଦିର ନିଷ୍ପତ୍ତି ସମ୍ପୂର୍ଣ୍ଣ ଭାବରେ ସରକାରଙ୍କ କର୍ତ୍ତୃତ୍ୱାଧୀନ ଅଟେ । ଏ ସମ୍ପର୍କରେ କୌଣସି କୋର୍ଟ କଚେରୀର ଆଶ୍ରୟ ନିଆଯାଇ ପାରିବ ନାହିଁ । ଅଧିକ ଜାଣିବା ପାଇଁ ଓଡ଼ିଶା ସଂସ୍କୃତି ବିଭାଗଙ୍କ ୱେବସାଇଟ୍ "www.odishaculture.gov.in" କୁ ବ୍ୟବହାର କରି ପାରନ୍ତି ।

ନିର୍ଦ୍ଦେଶକ,<br>
ସଂସ୍କୃତି ବିଭାଗ,<br>
ସଂସ୍କୃତି ଭବନ, ରାଜ୍ୟ ସଂଗ୍ରହାଳୟ ପରିସର,<br>
ଭୁବନେଶ୍ୱର-୭୫୧ ୦୧୪ ।